| | |
|---|---|
| PUBLICATION NAME : | Samaya |
| EDITION : | Bhubaneswar |
| DATE : | 11/12/2022 |
| PAGE: | 3 & 9 |

### ଡବ୍ଲ୍ୟୁଟିସି ପକ୍ଷରୁ କଳା ଭୂମିରେ ଫେସନ୍ ସୋ' ଓ ୱାକ୍ ଫର ୱିଭର୍ସ ଆୟୋଜିତ

## ହସ୍ତତନ୍ତ ଉତ୍ପାଦଗୁଡ଼ିକୁ ପ୍ରୋତ୍ସାହିତ କରିବା ଲାଗି କର୍ପୋରେଟ ସେକ୍ଟର ଆଗେଇ ଆସିବା ଉଚିତ: ରାଜ୍ୟପାଳ




ଭୁବନେଶ୍ୱର (ସବ୍ୟୁ): ଶୁକ୍ରବାର ଦିନ କଳା ଭୂମି ଏକ ଭିନ୍ନ ପରିବେଶ ଆହରଣ କରିଥିଲା ଯେଉଁଠାରେ ଏକ ଫେସନ ଶୋ'ରେ ମଡେଲ୍‌ମାନେ ସ୍ଥାନୀୟ ବୁଣାକାରମାନଙ୍କ ଦ୍ୱାରା ପ୍ରସ୍ତୁତ ସୁନ୍ଦର ଡିଜାଇନର ପୋଷାକ ପରିଧାନ କରି ର୍‌ୟାମ୍ପ୍ ୱାକ୍ କରିଥିଲେ । ଦର୍ଶକମାନଙ୍କୁ ତାହା ଏକ ରୋମାଂଚକ ଅନୁଭୂତି ପ୍ରଦାନ କରିଥିଲା । ୱାର୍ଲ୍ଡ ଟ୍ରେଡ୍ ସେଂଟର (ଡବ୍ଲୁଟିସି) ଭୁବନେଶ୍ୱର ପକ୍ଷରୁ କଳା ଭୂମିରେ ଏହି ଫେସନ୍ ଶୋ' ଆୟୋଜନ କରାଯାଇଥିଲା। ଏଥିରେ ଭାଗ ନେଇଥିବା ମଡେଲ୍‌ମାନେ ହାତବୁଣା କପଡ଼ାରେ ନିଆରି ପୋଷାକ ପିନ୍ଧି କେବଳ ସୁନ୍ଦର ନୁହେଁ ବରଂ ବେଶ ଆକର୍ଷଣୀୟ ଦେଖାଯାଉଥିଲେ। ସମାଜର ବିଭିନ୍ନ କ୍ଷେତ୍ର ଏଥିରେ ଅଂଶଗ୍ରହଣ କରି ର୍‌ୟାମ୍ପ୍‌ରେ ଚାଲିଥିଲେ ଏବଂ ଏହାର ମହତ୍ ଉଦ୍ଦେଶ୍ୟକୁ ସମର୍ଥନ କରିଥିଲେ । ଏହି ଅବସରରେ ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ୍ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ କହିଛନ୍ତି ଯେ, 'ଓଡ଼ିଶା ହସ୍ତତନ୍ତର ଇତିହାସ ଅତ୍ୟନ୍ତ ପ୍ରାଚୀନ ଏବଂ ଏହା ପ୍ରକୃତି ଦ୍ୱାରା ପ୍ରେରିତ । ଓଡ଼ିଶାର ଗର୍ବ ଏବଂ ଗୌରବ ହୋଇଥିବା ଏହି ହସ୍ତତନ୍ତରେ ଓଡ଼ିଶାର ଜନଜୀବନର ଶୈଳୀ, ପରମ୍ପରା, ଲୋକଚରିତ୍ର ଏବଂ ଲୋକକଥା ବହୁମାତ୍ରାରେ ପ୍ରକାଶିତ । ଏହି ପରମ୍ପରାକୁ ଆହୁରି ପରିପୁଷ୍ଟ କରିବା ଏବଂ ହସ୍ତତନ୍ତ ସାମଗ୍ରୀ କିଭଳି ସମଗ୍ର ବିଶ୍ୱରେ ଲୋକପ୍ରିୟ ହୋଇପାରିବ ସେଥିପାଇଁ ବିଭିନ୍ନ ସ୍ତରରେ ଯୋଜନା ହେବା ଆବଶ୍ୟକ । ଏହି ଦିଗରେ ଉଭୟ ରାଜ୍ୟ ସରକାର ଏବଂ କେନ୍ଦ୍ର ସରକାର କାର୍ଯ୍ୟ ଜାରି ରଖିଛନ୍ତି । ଏହାବ୍ୟତୀତ ବେସରକାରୀ ସ୍ତରରେ କର୍ପୋରେଟ ଜଗତ ମଧ୍ୟ ଏହାକୁ ପ୍ରୋତ୍ସାହିତ କରିବା ଲାଗି ଆଗେଇ ଆସିବା ଦରକାର । ସଭିଙ୍କୁ ମୁଁ ହସ୍ତତନ୍ତର ବସ୍ତ୍ର ପିନ୍ଧିବାକୁ ପରାମର୍ଶ ଦେବାକୁ ଚାହିଁବି ।'' ଆହୁରି ମଧ୍ୟ ଶ୍ରୀ ଗଣେଶୀ ଲାଲ ବିଦେଶୀ ପରିକଳ୍ପିତ ପୋଷାକ ବଦଳରେ ବିଶ୍ୱବିଦ୍ୟାଳୟ ସମ୍ମିଳନୀ କାର୍ଯ୍ୟକ୍ରମରେ ହସ୍ତତନ୍ତ ତିଆରି ପୋଷାକର ବ୍ୟବହାର କରିବାକୁ ପରାମର୍ଶ ଦେଇଥିଲେ । ଅନେକ ବିଶ୍ୱବିଦ୍ୟାଳୟ ସେହି ପ୍ରସ୍ତାବକୁ ଗ୍ରହଣ କରିଛନ୍ତି । କଳାହାଣ୍ଡୀ ବିଶ୍ୱବିଦ୍ୟାଳୟ ଏଥନିକ ଉତ୍ପାଦ ପ୍ରସ୍ତୁତ କରିବା ଲାଗି ଆଗେଇ ଆସିଛି । ଏହି ଅବସରରେ ଡବ୍ଲୁଟିସି ଭୁବନେଶ୍ୱରର ସହକାରୀ ନିର୍ଦ୍ଦେଶିକା ନିମେଶିକା ନଟରାଜନ ବକ୍ତବ୍ୟ ରଖିଥିଲେ । ଏଭଳି ପଦକ୍ଷେପର ଆବଶ୍ୟକତା ଉପରେ ଗୁରୁତ୍ୱାରୋପ କରି ଇଡିଆଇଆଇର ଡାଇରେକ୍ଟର ଜେନେରାଲ ଡକ୍ଟର ସୁନିଲ ଶୁକ୍ଳା କହିଛନ୍ତି ଯେ, 'ପାରମ୍ପରିକ ହସ୍ତକଳା ଏବଂ ବୟନକୁ ପୁନଃସୃଷ୍ଟି କରିବାର ଅତ୍ୟନ୍ତ ଆବଶ୍ୟକତା ରହିଛି ଯାହା ଦ୍ୱାରା ରାଜ୍ୟର ସଂସ୍କୃତି ଓ ପାରମ୍ପରିକ ଐତିହ୍ୟ ବଜାୟ ରହିବ । କାର୍ଯ୍ୟକ୍ରମ ପ୍ରାରମ୍ଭରେ ଡବ୍ଲୁଟିସି ଭୁବନେଶ୍ୱରର ପରାମର୍ଶଦାତା ପଂକମି ମାନୋ ଉକିଲ୍ ବିବରଣୀ ପ୍ରଦାନ କରିଥିବା ବେଳେ ଡକ୍ଟର ରୀନା ରାଉତରାୟ ସ୍ୱାଗତ ଭାଷଣ ଦେଇଥିଲେ। ଏହି ଅବସରରେ ରାଜ୍ୟର ନଅ ଜଣ ବୁଣାକାର ପ୍ରଫୁଲ୍ଲ ମେହେର, ସୁଶିଳା ମେହେର, ରାମପ୍ରସାଦ ମେହେର, ବବିତା ମେହେର, ସୁକାନ୍ତି ମେହେର, ମଲ୍ଲିକା ବେଓ୍ୱା, ଜଗଜୀବନ ଚାନ୍ଦ, ପ୍ରମୋଦ କୁମାର ସୁର ଏବଂ ପ୍ରସନ୍ନ କୁମାର ଗୁଇଁଙ୍କୁ ଅତିଥିମାନେ ସମ୍ବର୍ଦ୍ଧିତ କରିଥିଲେ। ଅପରାହ୍ନରେ ଏକ ପ୍ରଦର୍ଶନୀକୁ କବିସୂର୍ଯ୍ୟନଗରର ବିଧାୟିକା ଶ୍ରୀମତୀ ଲତିକା ପ୍ରଧାନ ଉଦଘାଟନ କରିଥିଲେ ।

## ଇଡିଆଇଆଇ ପକ୍ଷରୁ ଫେସନ୍ ସୋ' ଓ ପ୍ରଦର୍ଶନୀ ଆୟୋଜିତ

ଭୁବନେଶ୍ୱର,(ସବ୍ୟୁ): ଓଡ଼ିଶା ସରକାରଙ୍କ ହସ୍ତତନ୍ତ, ବୟନ ଓ ହସ୍ତକଳା ବିଭାଗ ସହଯୋଗିତା ଅହମ୍ମଦାବାଦର ଏଣ୍ଟ୍ରେପ୍ରେନ୍ୟୁଅରସିପ୍ ଡେଭେଲପମେଣ୍ଟ୍ ଇନଷ୍ଟିଚ୍ୟୁଟ୍ ଅଫ୍ ଇଣ୍ଡିଆ (ଇଡିଆଇଆଇ) ପକ୍ଷରୁ ୱାର୍ଲ୍ଡ ଟ୍ରେଡ୍ ସେଣ୍ଟର (ଡବ୍ଲୁଟିସି) ଭୁବନେଶ୍ୱରରେ ହ୍ୟାଣ୍ଡମେଡ୍ ଇନ୍ ଇଣ୍ଡିଆ (ଏଚ୍‌ଏମ୍‌ଆଇ) ପ୍ରକଳ୍ପ ଅଧୀନରେ ଶୁକ୍ରବାର ଏକ ଫେସନ୍ ସୋ' ଆୟୋଜନ କରାଯାଇଛି । ଏହି ଫେସନ୍ ସୋ'କୁ ଓଡ଼ିଶାର ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ୍ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଉଦ୍‌ଘାଟନ କରିଥିବା ବେଳେ ଇଡିଆଇଆଇର ଡାଇରେକ୍ଟର୍ ଜେନେରାଲ୍ ଡକ୍ଟର ସୁନିଲ ଶୁକ୍ଳା ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ । ଆମ ସମାଜ ପ୍ରତି ବୁଣାକାରମାନଙ୍କ ଅମୂଲ୍ୟ ଯୋଗଦାନକୁ ପ୍ରଶଂସା କରି ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ କହିଛନ୍ତି ଯେ ବୁଣାକାରମାନେ ହେଉଛନ୍ତି ପ୍ରତ୍ୟକ୍ଷ ଭଗବାନଙ୍କ ଦୂତ ଏବଂ ଆମକୁ ଆମ ପାଇଁ ବୁଣାକାର' ନୁହେଁ ବରଂ ବୁଣାକାରଙ୍କ ପାଇଁ ଆମେ' ଭାବନା ଉପରେ ବିଶ୍ୱାସ କରିବାକୁ ପଡ଼ିବ । ଏଭଳି ପଦକ୍ଷେପର ଆବଶ୍ୟକତା ଉପରେ ଗୁରୁତ୍ୱାରୋପ କରି ଇଡିଆଇଆଇର ଡାଇରେକ୍ଟର ଜେନେରାଲ ଡକ୍ଟର ସୁନିଲ ଶୁକ୍ଳା କହିଛନ୍ତି ଯେ, ପାରମ୍ପରିକ ହସ୍ତକଳା ଏବଂ ବୟନକୁ ପୁନଃ ସୃଷ୍ଟି କରିବାର ଅତ୍ୟନ୍ତ ଆବଶ୍ୟକତା ରହିଛି ଯାହା ଦ୍ୱାରା ରାଜ୍ୟର ସଂସ୍କୃତି ଓ ପାରମ୍ପରିକ ଐତିହ୍ୟ ବଜାୟ ରହିବ । ଅଳ୍ପ ସହାୟତା ଏବଂ ପ୍ରଶିକ୍ଷଣ ଦ୍ୱାରା ବୁଣାକାର ଓ କାରିଗରମାନେ କିଭଳି ଚମତ୍କାର ନବସୃଜନ ଉପସ୍ଥାପନ କରିଛନ୍ତି ତାହା ଜଣାପଡ଼ିଛି ।